# ମା' ତାରିଣୀ ଠାକୁରାଣୀ ମନ୍ଦିର ଟ୍ରଷ୍ଟ, ଘଟଗାଁ, କେନ୍ଦୁଝର

ନୋଟିସ୍ ନଂ-......340...... ତା...04:12:2025.

## ଟେଣ୍ଡର ବିଜ୍ଞାପନ

ଏତଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି କି ୨୦୨୫-୨୬ ବର୍ଷ (ତା.୨୧.୧୨.୨୦୨୫ରିଖ ଠାରୁ ତା.୨୦.୧୨.୨୦୨୬ରିଖ ପର୍ଯ୍ୟନ୍ତ) ପାଇଁ ଜଉମୁଦ ଟେଣ୍ଡର ଆହ୍ୱାନ କରାଯାଇଥିବା ପ୍ରଥମ ପର୍ଯ୍ୟାୟରେ ଟେଣ୍ଡର ନିଷ୍ପତ୍ତି ହୋଇନଥିବାରୁ ଉକ୍ତ ଟେଣ୍ଡର ପାଇଁ ପରବର୍ତ୍ତୀ ଧାର୍ଯ୍ୟ ତାରିଖ ତା.୦୮ .୧୨.୨୦୨୫ରିଖ ସୁଦ୍ଧା ଆବେଦନ କରିବା ପାଇଁ ଟେଣ୍ଡର ଆହ୍ୱାନ କରାଯାଇଥିଲା । ମାତ୍ର ଅନିବାର୍ଯ୍ୟ କାରଣ ବଶତଃ ଉକ୍ତ ଟେଣ୍ଡର ପ୍ରକ୍ରିୟାରୁ କେବଳ ପୂଜା ସାମଗ୍ରୀ ଦୋକାନ ନଂ-୨(ସ୍ଥାନ- ଚୁଲପକା ମଣ୍ଡପ ପାର୍ଶ୍ୱ)କୁ ସ୍ଥଗିତ ରଖାଗଲା ଏବଂ ପୂର୍ବ ନୋଟିସ୍ ନଂ-୩୧୩/ ତା.୧୯.୧୧.୨୦୨୫ରିଖ ଅନୁଯାୟୀ ଚୁଲପକା ଟେଣ୍ଡର ଆହ୍ୱାନ କରାଗଲା । ପୂର୍ବରୁ ବିଜ୍ଞପ୍ତି ହୋଇଥିବା ସମସ୍ତ ନିୟମାବଳୀ ଏହି ପର୍ଯ୍ୟାୟରେ ପ୍ରଯୁଜ୍ୟ ଅଟେ । ଦ୍ୱିତୀୟ ପର୍ଯ୍ୟାୟ ଆବେଦନ ପାଇଁ ତା.୦୭.୧୨.୨୦୨୫ରିଖ ସୁଦ୍ଧା ଟେଣ୍ଡର ଫର୍ମ କ୍ରୟ କରିପାରିବେ । ଦ୍ୱିତୀୟ ପର୍ଯ୍ୟାୟରେ ନିଷ୍ପତ୍ତି ହୋଇନପାରିଲେ ତୃତୀୟ ପର୍ଯ୍ୟାୟରେ ଟେଣ୍ଡର ଆବେଦନ କରିପାରିବେ । ପରିଚାଳନା କମିଟି ଚାହିଁଲେ ବିନା କାରଣରେ ଏହି ଟେଣ୍ଡର ନାକଚ ବା ପରିବର୍ତ୍ତନ କରିପାରିବେ । ଏହି ଟେଣ୍ଡର ସମ୍ବନ୍ଧୀୟ ନୋଟିସ୍ www.maatarini.co.in ୱେବ୍‌ସାଇଟ୍‌ରେ ଦେଖିପାରିବେ ।

| ଟେଣ୍ଡର ପର୍ଯ୍ୟାୟ | ଟେଣ୍ଡର ଗ୍ରହଣ ତାରିଖ ଓ ସମୟ | ଟେଣ୍ଡର ଖୋଲାଯିବା ତାରିଖ ଓ ସମୟ |
|---|---|---|
| ଦ୍ୱିତୀୟ ପର୍ଯ୍ୟାୟ | ତା.୦୮.୧୨.୨୫ରିଖ ୧୧ଘଟିକା | ତା.୦୮.୧୨.୨୫ରିଖ ଘ. ୧୨ଘଟିକା |
| ତୃତୀୟ ପର୍ଯ୍ୟାୟ | ତା.୧୫.୧୨.୨୫ରିଖ ୧୧ଘଟିକା | ତା.୧୫.୧୨.୨୫ରିଖ ଘ. ୧୨ଘଟିକା |

| କ୍ର.ନଂ. | ଟେଣ୍ଡରର ନାମ | ଧାର୍ଯ୍ୟ ମୂଲ୍ୟ | ଅମାନତ ଦେୟ |
|---|---|---|---|
| ୧. | ଚୁଲପକା | ଟ.୪୮,୬୮,୧୪୩/- | ଟ.୪,୮୬,୮୧୪/- |

Sm.... 4/12/2025

କାର୍ଯ୍ୟନିର୍ବାହୀ ଅଧିକାରୀ
ମା' ତାରିଣୀ ଠାକୁରାଣୀ ମନ୍ଦିର ଟ୍ରଷ୍ଟ,
ଘଟଗାଁ, କେନ୍ଦୁଝର ।

## ମା' ତାରିଣୀ ଠାକୁରାଣୀ ମନ୍ଦିର ଟ୍ରଷ୍ଟ, ଘଟଗାଁ, କେନ୍ଦୁଝର

## ଟେଣ୍ଡର ନିୟମାବଳୀ ୨୦୨୫-୨୬ (ତା.୨୧.୧୨.୨୦୨୫ରିଖ ଠାରୁ ତା.୨୦.୧୨.୨୦୨୬ରିଖ ପର୍ଯ୍ୟନ୍ତ)

୧-ଓଡିଶା ହିନ୍ଦୁ ଦେବୋତ୍ତର ଆଇନ ଅନୁଯାୟୀ ମନ୍ଦିରର ନିଯୁକ୍ତ ଥିବା ସଦସ୍ୟଙ୍କ ଆତ୍ମୀୟ/ସଂପର୍କୀୟ/ଉତ୍ତରାଧିକାରୀ ଏହି ଟେଣ୍ଡରରେ ଅଂଶଗ୍ରହଣ କରିପାରିବେ ନାହିଁ ।

୨-ଅମାନତ ରାଶି ଦେୟ **"ମା' ତାରିଣୀ ଠାକୁରାଣୀ, ଘଟଗାଁ " ଙ୍କ** ନାମେ ବ୍ୟାଙ୍କଡ୍ରାଫ୍ଟ ଆକାରରେ କରି ଟେଣ୍ଡରରେ ଅଂଶଗ୍ରହଣ କରିପାରିବେ । ବ୍ୟାଙ୍କଡ୍ରାଫ୍ଟ ପଛପାର୍ଶ୍ୱରେ ଆବେଦନକାରୀ ପୂରା ଦସ୍ତଖତ କରିବେ । ଗୋଟିଏ ବିଭାଗ ପାଇଁ ଗୋଟିଏ ଆବେଦନ ଫର୍ମ ଓ ଗୋଟିଏ ବ୍ୟାଙ୍କଡ୍ରାଫ୍ଟ ଦେବେ । ଯାହାଙ୍କ ନାମେ ଟେଣ୍ଡର ସ୍ଥିର ହେବ ଟେଣ୍ଡର ଅବଧି ସମାପ୍ତ ପରେ ମନ୍ଦିର କର୍ତ୍ତୃପକ୍ଷଙ୍କ ଠାରୁ ସେ ନୋ ଅବ୍‌ଜେକ୍‌ସନ ସାର୍ଟିଫିକେଟ୍ ପାଇବାପରେ ତାଙ୍କର ଅମାନତ ରାଶି ଫେରସ୍ତ ପାଇବେ । ପୂର୍ବରୁ ଦାଖଲ କରିଥିବା ଅମାନତ ରାଶି ଏହି ଟେଣ୍ଡର ପ୍ରକ୍ରିୟାରେ ଆଡଜଷ୍ଟମେଣ୍ଟ ହେବ ନାହିଁ ।

୩- କୌଣସି ବିଭାଗରେ ଏକକ ଟେଣ୍ଡର ଗ୍ରହଣ ଯୋଗ୍ୟ ହେବ ନାହିଁ । ଅତି କମ୍‌ରେ ଗୋଟିଏ ବିଭାଗ ପାଇଁ ଦୁଇଟି ଟେଣ୍ଡର ପଡିଥିଲେ ତାହା ବିଚାରକୁ ନିଆଯିବ । ମାତ୍ର ଟେଣ୍ଡର ନିୟମ ଅନୁସାରେ ସମସ୍ତ ମାନଦଣ୍ଡ ଯଥା:-ଅମାନତ ରାଶିର ବ୍ୟାଙ୍କ ଡ୍ରାଫ୍ଟ , ଆବଶ୍ୟକୀୟ ଟ୍ୟାକ୍ସ ସମ୍ବନ୍ଧୀୟ ସାର୍ଟିଫିକେଟ୍ ଓ ଟେଣ୍ଡର ନିୟମ ଅନୁଯାୟୀ ମଗାଯାଇଥିବା ସମସ୍ତ ଦସ୍ତାବିଜ୍ ସଂଯୋଗ କରି ଆବେଦନ ଫର୍ମ ଦେଇଥିଲେ ତାହା ଆବେଦନ ଆକାରରେ ଗଣନା କରାଯିବ ନଚେତ୍ ତାହା ଆବେଦନ ଆକାରରେ ଗଣନା କରାଯିବ ନାହିଁ।

୪- ଟେଣ୍ଡର ଅବଧି ମଧରେ ମନ୍ଦିର ପ୍ରଶାସନ ଆବଶ୍ୟକତା ଅନୁଯାୟୀ ନେଉଥିବା ପଦକ୍ଷେପ ଯଥା- ଗାଡି ପାର୍କିଂର ସ୍ଥାନ ପରିବର୍ତ୍ତନ, ଗାଡି ପୂଜାର ସ୍ଥାନ ପରିବର୍ତ୍ତନ, ପୂଜା ଓ ଦର୍ଶନ ଧାଡିର ବ୍ୟବସ୍ଥା ସମ୍ବନ୍ଧରେ ଟେଣ୍ଡରଧାରୀ କୌଣସି ଆପତ୍ତି କରିପାରିବେ ନାହିଁ । ଭକ୍ତମାନଙ୍କ ଶୃଙ୍ଖଳାଗତ ପୂଜା ବା ଦର୍ଶନ ପାଇଁ ମନ୍ଦିର ପ୍ରଶାସନ ନିଷ୍ପତ୍ତି ଚୁଡାନ୍ତ ଓ ନିୟମାବଳୀରେ ଆବଶ୍ୟକୀୟ ନୂତନ ନିୟମ ଯୋଗ କରିପାରିବେ ।

୫-ଯାହାଙ୍କ ନାମେ ଟେଣ୍ଡର ସ୍ଥିର ହେବ ସେ ମୋଟ ଟେଣ୍ଡର ମୂଲ୍ୟ ସଂପୂର୍ଣ୍ଣ ଭାବେ ସଙ୍ଗେ ସଙ୍ଗେ ନଗଦ ଟଙ୍କା ଦାଖଲ କରିବେ । ନଚେତ୍ ତାଙ୍କ ଅମାନତ ରାଶିକୁ ବ୍ୟାଜାପ୍ତି କରାଯାଇ ସେହି ଟେଣ୍ଡରକୁ ନାକଚ କରାଯିବ । ନାକଚ ହୋଇଥିବା ଟେଣ୍ଡର ପାଇଁ ପରବର୍ତ୍ତୀ ତାରିଖରେ ପୁନର୍ବାର ଟେଣ୍ଡର ଆବେଦନ କରିପାରିବେ । ଯେଉଁ ବ୍ୟକ୍ତିଙ୍କର ଟେଣ୍ଡର ନାକଚ ହୋଇଥିବ ସେ ପରବର୍ତ୍ତୀ ପର୍ଯ୍ୟାୟରେ ଆବେଦନ କରିପାରିବେ ନାହିଁ । ଅନ୍ୟ ଆବେଦନକାରୀମାନେ ସେମାନଙ୍କର ଅମାନତ ଦେୟର ବ୍ୟାଙ୍କ୍‌ଡ୍ରାଫ୍ଟ ଫେରସ୍ତ ନେଇ ପୁନର୍ବାର ପରବର୍ତ୍ତୀ ପର୍ଯ୍ୟାୟରେ ନୂତନ ଭାବେ ଆବେଦନ ଫର୍ମ କ୍ରୟ କରି ଆବେଦନ କରିପାରିବେ ।

୬- ଯାହାଙ୍କ ନାମେ ଟେଣ୍ଡର ଆଦେଶ ସ୍ଥିର ହେବ ସେ ଟେଣ୍ଡର ଚୂଡାନ୍ତ ହେବା ଦିନ ଠାରୁ ୫ଦିନ ଭିତରେ ସ୍ଥାନୀୟ ଏକ୍‌ଜିକ୍ୟୁଟିଭ୍ ମାଜିଷ୍ଟ୍ରେଟ୍‌ଙ୍କ ଠାରୁ ଏକ ଚୁକ୍ତିନାମା ଆଫିଡେଭିଟ୍ କରି ଅତ୍ର କାର୍ଯ୍ୟାଳୟରେ ପ୍ରଦାନ କରିବେ ଏବଂ ଅନୁମୋଦିତ ବିକ୍ରିମୂଲ୍ୟର ସାଇନ୍‌ବୋର୍ଡ ନିମ୍ନ ସାକ୍ଷରକାରୀଙ୍କ ନିକଟରୁ ଯାଞ୍ଚ କରାଇ ନେବେ ।

୭-ମନ୍ଦିର ବିରୁଦ୍ଧରେ ଆଇନ୍‌ର ଆଶ୍ରୟ ନେଇଥିବା ବ୍ୟକ୍ତି ଏହି ଟେଣ୍ଡରରେ ଅଂଶଗ୍ରହଣ କରିପାରିବେ ନାହିଁ ।

୮-ମନ୍ଦିରରେ ଟେଣ୍ଡର ନେଉଥିବା ବ୍ୟକ୍ତି ଓ ଟେଣ୍ଡରଧାରୀଙ୍କ ଦ୍ୱାରା ସମସ୍ତ ଦୋକାନ କାର୍ଯ୍ୟରେ ନିୟୋଜିତ ବ୍ୟକ୍ତି ପାନ, ତମାଖୁ, ଗୁଟ୍‌ଖା, ଖଇନି ଓ କୌଣସି ପ୍ରକାର ନିଶାଦ୍ରବ୍ୟ ସେବନ କରୁନଥିବାର ଡାକ୍ତରୀ ସାର୍ଟିଫିକେଟ୍ ଓ ଫଟୋ ପରିଚୟ ପତ୍ରର ଜେରକ୍ସ କପି ପ୍ରଦାନ କରିବେ । ଏଥିରେ ଖିଲାପ କଲେ ଟେଣ୍ଡର ନାକଚ କରାଯାଇ ସିକ୍ୟୁରିଟି ଅର୍ଥ ବ୍ୟାଜାପ୍ତି କରାଯିବା ସହିତ ଥାନାରେ ଏତଲା ରୁଜୁ କରାଯିବ ।

୯- ଟେଣ୍ଡର ନେଉଥିବା ବ୍ୟକ୍ତି କୌଣସି ପ୍ରକାର ଆଇନ୍‌ର ଆଶ୍ରୟ ନେବେ ନାହିଁ କିମ୍ବା ମନ୍ଦିର ପରିଚାଳନା କମିଟିର ବିରୁଦ୍ଧାଚରଣ କରିପାରିବେ ନାହିଁ ।

୧୦- ପରିଚାଳନା କମିଟିର ନିଷ୍ପତ୍ତି ହିଁ ଚୁଡାନ୍ତ ନିଷ୍ପତ୍ତି । ପରିଚାଳନା କମିଟି ଚାହିଁଲେ ବିନା କୌଣସି କାରଣରେ ଏହି ଟେଣ୍ଡର ନାକଚ କିମ୍ବା ପରିବର୍ତ୍ତନ କରିପାରିବେ ।

EXECUTIVE OFFICER
MAA TARINI THAKURANI TEMPLE TRUST
GHATGAON, KEONJHAR